# ସାହିତ୍ୟ ଏକାଡେମୀ ପ୍ରେକ୍ଷାଳୟ ଉଦ୍‌ଘାଟିତ




କଲକାତା, ୧୭।୬ (ନି.ପ୍ର): କେନ୍ଦ୍ର ସାହିତ୍ୟ ଏକାଡେମୀର କଲକାତା ଆଞ୍ଚଳିକ କାର୍ଯ୍ୟାଳୟ ପରିସରରେ ନୂତନ ପୁସ୍ତକ ବିକ୍ରୟ କେନ୍ଦ୍ର ଏବଂ ନବୀକୃତ ପ୍ରେକ୍ଷାଳୟ ଉଦ୍‌ଘାଟିତ ହୋଇଯାଇଛି। ସାହିତ୍ୟ ଏକାଡେମୀର ସଭାପତି ଡକ୍ଟର ମାଧବ କୌଶିକ ଏବଂ ବଙ୍ଗଳା ଉପଦେଷ୍ଟା ପରିଷଦର ଆବାହକ ତଥା ପଶ୍ଚିମବଙ୍ଗ ଶିକ୍ଷା ମନ୍ତ୍ରୀ ଡ.ବ୍ରାତ୍ୟ ବସୁ ଏହି ପ୍ରେକ୍ଷାଳୟକୁ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ଆୟୋଜିତ ସଭାରେ ଏକାଡେମୀର ସଚିବ ଡକ୍ଟର କେ. ଶ୍ରୀନିବାସରାଓ ସ୍ୱାଗତ ଭାଷଣ ପ୍ରଦାନ କରି କହିଥିଲେ ଯେ ଦୀର୍ଘଦିନରୁ ପାଠକମାନେ କଲକାତା କାର୍ଯ୍ୟାଳୟ ପରିସରରେ ଏକ ପୁସ୍ତକ ବିକ୍ରୟ କେନ୍ଦ୍ର ପ୍ରତିଷ୍ଠା ହେଉ ବୋଲି ଦାବି କରୁଥିଲେ। ତାହା ଆଜି ସାକାର ହୋଇଛି। ଏହା ଦ୍ୱାରା ପାଠକ-ପାଠିକା ଏବଂ ଗବେଷକ-ଗବେଷିକାମାନେ ଉପକୃତ ହେବେ। ସାହିତ୍ୟ ଏକାଡେମୀ ଦ୍ୱାରା ପ୍ରକାଶିତ ୨୪ ଭାଷାର ପୁସ୍ତକ ଏଠାରେ ଉପଲବ୍ଧ ହେବ। ପୁରୁଣା ପ୍ରେକ୍ଷାଳୟର ନବୀକରଣ କରାଯାଇଥିବାରୁ ସାରସ୍ୱତ କାର୍ଯ୍ୟକ୍ରମ ଆୟୋଜନ ଆହୁରି ପ୍ରସାରିତ ହେବ। ସାହିତ୍ୟ ଏକାଡେମୀର ସଭାପତି ଡକ୍ଟର ମାଧବ କୌଶିକ କହିଥିଲେ ଯେ ପୁସ୍ତକ ବିକ୍ରୟ କେନ୍ଦ୍ର ହେଉଛି ଏକ ବୌଦ୍ଧିକ ସମ୍ପତ୍ତି। କଲକାତା ହେଉଛି ସାହିତ୍ୟ ଓ ସଂସ୍କୃତିର ପୀଠ। ଏଠିକାର ସାରସ୍ୱତ ଧାରା ଓ ସମଗ୍ର ପୂର୍ବାଞ୍ଚଳର ସାହିତ୍ୟକୁ ଆଗେଇ ନେବାରେ ଏହି ପୁସ୍ତକ ବିକ୍ରୟ କେନ୍ଦ୍ର ଏବଂ ନବୀକୃତ ପ୍ରେକ୍ଷାଳୟର ସୁହୃଦ୍ [illegible] ବଙ୍ଗଳା ଉପଦେଷ୍ଟା ମଣ୍ଡଳୀର ଆବାହକ ଶିକ୍ଷା ମନ୍ତ୍ରୀ ଡ. ବସୁ କହିଥିଲେ ଯେ ପଶ୍ଚିମବଙ୍ଗ ସବୁବେଳେ ବହୁଭାଷୀ ପରମ୍ପରାକୁ ସ୍ୱୀକାର କରିଥାଏ। ଏହି ପୁସ୍ତକ କେନ୍ଦ୍ର ବଙ୍ଗଳା ସହିତ ଦେଶର ପୂର୍ବାଞ୍ଚଳର ବିଭିନ୍ନ ଭାଷାର ପୁସ୍ତକ ପହଞ୍ଚାଇବାର କାର୍ଯ୍ୟ କରିବ। ବିଗତ ତିନିବର୍ଷ ମଧ୍ୟରେ ଏକାଡେମୀ ପକ୍ଷରୁ ବହୁବିଧ କାର୍ଯ୍ୟକ୍ରମ ଆୟୋଜନ ଏବଂ ଅନେକ ମୂଲ୍ୟବାନ ପୁସ୍ତକ ପ୍ରକାଶନ ହୋଇଥିବାର ସେ ସୂଚନା ଦେଇଥିଲେ। କାର୍ଯ୍ୟକ୍ରମର ଅନ୍ୟତମ ଅତିଥି କବି ସୁବୋଧ ସରକାର ପୁସ୍ତକ କେନ୍ଦ୍ର ଓ ନବୀକୃତ ପ୍ରେକ୍ଷାଳୟ ନିର୍ମାଣ ପାଇଁ ଏକାଡେମୀକୁ ଧନ୍ୟବାଦ ଜଣାଇଥିଲେ। କାର୍ଯ୍ୟକ୍ରମ ପରିଚାଳନା କରି ସାହିତ୍ୟ ଏକାଡେମୀ କଲକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ କହିଥିଲେ ସାହିତ୍ୟ ଏବଂ ସାହିତ୍ୟିକଙ୍କ ମଧ୍ୟରେ ମେଳବନ୍ଧନ ଘଟାଇ ସର୍ଜନାତ୍ମକ ଦିଗକୁ ପ୍ରସାର ନିମିତ୍ତ ଏକାଡେମୀ କାର୍ଯ୍ୟ କରି ଚାଲିଛି। ଆଜିର କାର୍ଯ୍ୟକ୍ରମ ତାର ନିଦର୍ଶନ। ବିଶେଷ କରି ୨୪ଟି ଭାଷା ସାହିତ୍ୟର ବିକାଶ ନିମିତ୍ତ ଆଜି ଏକ ପ୍ରମୁଖ ଦିଗ ପ୍ରକାଶକୁ ଆସିଛି। ପରେ ଏକ ସ୍ୱତନ୍ତ୍ର କବିତା ସନ୍ଧ୍ୟା କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏଥିରେ ସଭାପତିତ୍ୱ କରିଥିଲେ ବିଶିଷ୍ଟ କବି ସୁବୋଧ ସରକାର। ସ୍ୱରଚିତ କବିତା ପାଠ କରିଥିଲେ କବି ଅର୍ଣ୍ଣବ ସାହା, ବିଭାସ ରାୟ ଚୌଧୁରୀ, ଚଇତାଲି ଚଟ୍ଟୋପାଧ୍ୟାୟ, ନିର୍ମାଲ୍ୟ ମୁଖୋପାଧ୍ୟାୟ ଏବଂ ଶିବାଶିଷ ମୁଖୋପାଧ୍ୟାୟ। ପଠିତ କବିତାଗୁଡ଼ିକରେ ସମକାଳର ବିବିଧ ଚିତ୍ର, ଘଟଣା, ମାନବିକ ମୂଲ୍ୟବୋଧ, ସମାଜର ବୈଚିତ୍ର୍ୟ ଗୁମ୍ଫିତ ହୋଇଥିଲା। ଶେଷରେ ମାଧବ କୌଶିକଙ୍କ ଗଜଲ ଏବଂ ସୁବୋଧ ସରକାରଙ୍କ କବିତା ଶ୍ରୋତାଙ୍କୁ ମୁଗ୍ଧ କରିଥିଲା। କାର୍ଯ୍ୟକ୍ରମ ଆରମ୍ଭରେ କବିମାନଙ୍କୁ ଉତ୍ତରୀୟ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରିଥିଲେ ଏକାଡେମୀର ସଚିବ ଡକ୍ଟର କେ. ଶ୍ରୀନିବାସରାଓ। କାର୍ଯ୍ୟକ୍ରମରେ ବହୁସଂଖ୍ୟକ ଲେଖକ ଲେଖିକା ଯୋଗ ଦେଇଥିଲେ।